OPPO Reno7 5G
2023.05.22 13:31

ପ୍ରେସ୍ ନୋଟ୍

## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା.୨୨.୦୫: ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ ୦ାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ର ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୭୮ଟି ଅଭିଯୋଗରୁ ୭୪ଟି ବ୍ୟକ୍ତିଗତ ଓ ୪ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୭୮ ଅଭିଯୋଗ ମଧ୍ୟରୁ ୨୫ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ମୁଖ୍ୟମନ୍ତ୍ରୀଙ୍କ ସହାୟତା ପାଣ୍ଠିରୁ ୨ଜଣ ମହିଳା ଓ ୧ଜଣ ପୁରୁଷ କ୍ୟାନସର ରୋଗୀଙ୍କୁ ମୋଟ ୪୫ ହଜାର ଟଙ୍କା , ୧ ଜଣ ବାଳକ ସିକିଲସେଲ ରୋଗୀଙ୍କୁ ୧୦ ହଜାର ଟଙ୍କା ଓ ୧ ଜଣ ଗୁରୁତର ମହିଳା ରୋଗୀଙ୍କୁ ୧୦ ହଜାର ଟଙ୍କା ଚେକ୍ ଆକାରରେ ଚିକିତ୍ସା ସହାୟତା ପ୍ରଦାନ କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ସ୍ୱାସ୍ଥ୍ୟ,ଜମିଜମା, ରାସ୍ତା, ଘରବାରି ପଟ୍ଟା ସମ୍ବନ୍ଧୀୟ, ଶିକ୍ଷା, ଆଧାରକାର୍ଡ,ବାର୍ଦ୍ଧକ୍ୟ ଭତ୍ତା,ବିଦ୍ୟୁତ୍ ସଂଯୋଗ,ଏମ୍ ସି ଏଲରୁ କ୍ଷତିପୂରଣ ସମ୍ବନ୍ଧୀୟ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇତୁରା ଦିପ୍, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଡେପୁଟୀ କଲେକ୍ଟର ମଧୁସ୍ମିତା ବିଶି, ମିନର୍ଭା ନାୟକ ଓ ଶ୍ରୀ ସତ୍ୟାନନ୍ଦ ଦାସ, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ଅଜୟ୍ କୁମାର ପାତ୍ର, ଅନୁଗୋଳ ପୌରପାଳିକାର ନିର୍ବାହୀ ଅଧିକାରୀ ଶ୍ରୀ ଗିରିଜା ଶଙ୍କର ମଲ୍ଲିକଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୩୫୨ ତା.୨୨.୦୫.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

22/5/2023

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


ANGUL
OPPO Reno7 5G
2023.05.22 11:11


ANGUL
OPPO Reno7 5G
2023.05.22 10:45


OPPO Reno7 5G


ANGUL